## ଆଜି ଅନୁଗୋଳ ଜିଲ୍ଲାରୁ ପ୍ରଥମ ଥର ପାଇଁ ସର୍ବାଧିକ ୩୯୩ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୪୬୬୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୭୦ ଜଣ ।

ଅନୁଗୋଳ, ତା.୨୭.୦୪:- କରୋନା ସଂକ୍ରମଣର ବିଗତ ଏକ ବର୍ଷ ମଧ୍ୟରେ ଆଜି ଅନୁଗୋଳ ଜିଲ୍ଲାରେ ସର୍ବାଧିକ ୩୯୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୯ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୩୨୦ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୯୩ଜଣ ( ୬୧ଜଣ ପୁରୁଷ ଓ ୩୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୬୫ଜଣ ( ୪୪ଜଣ ପୁରୁଷ ଓ ୨୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫୭ ଜଣ (୩୪ ଜଣ ପୁରୁଷ ଓ ୨୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୩୭ଜଣ ( ୨୫ଜଣ ପୁରୁଷ ଓ ୧୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩୭ଜଣ ( ୨୩ଜଣ ପୁରୁଷ ଓ ୧୪ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୩୦ଜଣ ( ୧୪ଜଣ ପୁରୁଷ ଓ ୧୬ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨୮ଜଣ ( ୨୦ଜଣ ପୁରୁଷ ଓ ୮ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୧ଜଣ ( ୧୪ଜଣ ପୁରୁଷ ଓ ୭ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୨ଜଣ ( ୧୦ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୧ଜଣ ( ୫ଜଣ ପୁରୁଷ ଓ ୬ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୭୦ ଜଣ ସୁସ୍ଥ ହୋଇଥିବାର ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୮୨ ତା.୨୭.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ